


# ଉଚ୍ଚ ଶିକ୍ଷାରେ ଅର୍ଥ ଆଉ ସାଜିବନି ବାଧକ
# ନୂଆ-ଓ ଛାତ୍ରବୃତ୍ତି ହେବ ସହାୟକ ।

- ଓଡ଼ିଶାରେ ଉଚ୍ଚ ଶିକ୍ଷାର ରୂପାନ୍ତରଣ, ମାନବୃଦ୍ଧି ଓ ଛାତ୍ରଛାତ୍ରୀମାନଙ୍କ ଅଭିବୃଦ୍ଧିକୁ ଦୃଷ୍ଟିରେ ରଖି ଓଡ଼ିଶା ସରକାର 'ନୂଆ- ଓ ଛାତ୍ରବୃତ୍ତି' ଆରମ୍ଭ କରିଛନ୍ତି ।
- ଉଚ୍ଚ ଶିକ୍ଷା ବିଭାଗ ଅଧୀନରେ ଥିବା ରାଜ୍ୟର ସମସ୍ତ ରାଜ୍ୟ ବିଶ୍ୱବିଦ୍ୟାଳୟ, ସରକାରୀ ମହାବିଦ୍ୟାଳୟ, ଅନୁଦାନପ୍ରାପ୍ତ ମହାବିଦ୍ୟାଳୟ ଏବଂ ବିଶେଷ କରି ସାମ୍ସ (SAMS) ପୋର୍ଟାଲ ମାଧ୍ୟମରେ ପ୍ରବେଶ ନେଇଥିବା ବେସରକାରୀ ମହାବିଦ୍ୟାଳୟ ମାନେ ଏହି ଯୋଜନାରେ ସାମିଲ ହେବେ ।
- ଉପରୋକ୍ତ ଶିକ୍ଷାନୁଷ୍ଠାନରେ ପଢୁଥିବା ଯୋଗ୍ୟ ୟୁଜି/ ପିଜି ଛାତ୍ରଛାତ୍ରୀ ନୂଆ-ଓ ଛାତ୍ରବୃତ୍ତି ପରିସରଗତ ହେବେ (ସେଲ୍ଫ ଫାଇନାନ୍ସିଙ୍ଗ କୋର୍ସ in PPP Mode ବ୍ୟତୀତ) ।
- ଛାତ୍ରମାନଙ୍କୁ ୯ହଜାର ଟଙ୍କା ଓ ଛାତ୍ରୀମାନଙ୍କୁ ୧୦ହଜାର ଟଙ୍କାର ବାର୍ଷିକ ବୃତ୍ତି ଯୋଗାଇ ଦିଆଯିବ ।
- ଅନୁସୂଚିତ ଜାତି ଓ ଅନୁସୂଚିତ ଜନଜାତି ତଥା ନିର୍ମାଣ ଶ୍ରମିକଙ୍କ ପୁଅଙ୍କୁ ୧୦ହଜାର ଓ ଝିଅଙ୍କୁ ୧୧ହଜାର ଟଙ୍କାର ବାର୍ଷିକ ଛାତ୍ରବୃତ୍ତି ଯୋଗାଇ ଦିଆଯାଉଛି ।
- କାଳିଆ ବୃତ୍ତି ପାଉଥିଲେ ପିଲାମାନେ ଏହି ଯୋଜନାର ଲାଭ ପାଇପାରିବେ ନାହିଁ ।
- ଯେଉଁ ପିଲାମାନଙ୍କ ବାପା/ମା ଆୟକର ପରିସରଭୁକ୍ତ ଥିବେ କିମ୍ବା ରେଗୁଲାର ସରକାରୀ ଚାକିରିରେ ଥିବେ / PSU / AUTONOMOUS BODIES ରେ ଥିବେ କିମ୍ବା ଅନୁଦାନପ୍ରାପ୍ତ ଶିକ୍ଷାନୁଷ୍ଠାନମାନଙ୍କରେ ଅନୁଦାନପ୍ରାପ୍ତ କରୁଥିବେ, ସେମାନେ ଏହି ଯୋଜନା ପାଇଁ ଯୋଗ୍ୟ ବିବେଚିତ ହେବେ ନାହିଁ ।
- କେବଳ ସ୍ୱ ଆର୍ଥିକ ପ୍ରଦତ୍ତ ପାଠ୍ୟକ୍ରମ ବ୍ୟବସ୍ଥା (ସେଲ୍ଫ ଫାଇନାନ୍ସିଙ୍ଗ କୋର୍ସ in PPP Mode), distance course, Open School ଇତ୍ୟାଦି ଜରିଆରେ ପଢୁଥିବା ଛାତ୍ରଛାତ୍ରୀ ଏହି ଯୋଜନାରେ ଅନ୍ତର୍ଭୁକ୍ତ ହେବେ ନାହିଁ ।
- ଡ଼ିବିଟି (DBT) ବା ସିଧାସଳଖ ଛାତ୍ରଛାତ୍ରୀଙ୍କ ଆକାଉଣ୍ଟକୁ ବୃତ୍ତି ବାବଦରେ ଅର୍ଥରାଶି ପଠାଯିବ । ଏଥିନିମନ୍ତେ ଛାତ୍ରଛାତ୍ରୀ ଆବେଦନ ସମୟରେ ଏକ ନିଜସ୍ୱ ଘୋଷଣାନାମା ଦାଖଲ କରିବେ ।
- ଉଚ୍ଚ ଶିକ୍ଷାରେ ଉତ୍କର୍ଷ ଓ ଗୁଣବତ୍ତାର ଅଭିବୃଦ୍ଧି ନିମନ୍ତେ ସରକାରଙ୍କ ଏହି ପ୍ରଚେଷ୍ଟା ଶିକ୍ଷାରେ ଆର୍ଥିକ ପ୍ରତିବନ୍ଧକକୁ ଏଡାଇବାରେ ସକ୍ଷମ ହେବ ।



@DHE_Odisha
@hedodisha
www.fb.com/dheodisha
0674-2323401, 2323402, 2323403 2323404
https://scholarship.odisha.gov.in
scholarshiphed@gmail.com

DSPL-668 OIPR-11001/13/0074/2324

ଉଚ୍ଚ ଶିକ୍ଷା ବିଭାଗ